ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 788/28-11-2020**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୨୮ ନଭେମ୍ବର,୨୦୨୦**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଗୁଣାତ୍ମକ ପରିଚାଳନା ବ୍ୟବସ୍ଥା ପାଇଁ ରାଉରକେଲାର ୬ଟି ସହରାଞ୍ଚଳ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆଇଏସ୍‌ଓ ୯୦୦୧-୨୦୧୫ ପ୍ରମାଣପତ୍ର ମିଳିଥିବାରୁ ରାଉରକେଲା ମହାନଗର ନିଗମକୁ ପ୍ରଶଂସା କରିଛନ୍ତି । କୋଭିଡ୍-୧୯ ଆହ୍ୱାନ ସତ୍ତ୍ୱେ ଏହି ପରିବର୍ତ୍ତନକାରୀ ଉଦ୍ୟମ ତୃଣମୂଳସ୍ତରେ ଗୁଣାତ୍ମକ ସ୍ୱାସ୍ଥ୍ୟସେବାକୁ ସୁନିଶ୍ଚିତ କରିବ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କୋଭିଡ୍-୧୯ ମହାମାରୀ ସମୟରେ ପେନସନ୍‌ଭୋଗୀମାନଙ୍କୁ ସେମାନଙ୍କର ଜୀବିତ ପ୍ରମାଣପତ୍ର ଦାଖଲରେ ସହାୟତା ଦେବା ଉଦ୍ଦେଶ୍ୟରେ ରାଜ୍ୟ ସରକାର ୫-'ଟି' ଅନ୍ତର୍ଗତ 'ଦ୍ୱାର ପାଖରେ ଜୀବିତ ପ୍ରମାଣପତ୍ର ଦାଖଲ' ଯୋଜନା ଆରମ୍ଭ କରିଛନ୍ତି । ସରକାରୀ କାର୍ଯ୍ୟାଳୟକୁ ନଯାଇ ପେନ୍‌ସନ୍‌ଭୋଗୀମାନଙ୍କୁ ସେମାନଙ୍କର ଜୀବିତ ପ୍ରମାଣପତ୍ର ଦାଖଲ କରିବାରେ ଏହା ସହାୟକ ହେବ ବୋଲି ସେ କହିଛନ୍ତି ।

- ଡିସେମ୍ବର ୨୦୨୦ରେ ଭୁବନେଶ୍ୱର ଓ କଟକରେ ଥିବା ରାଜ୍ୟ ସରକାରଙ୍କ ସମସ୍ତ ବିଭାଗ ଏବଂ ଏହା ଅଧୀନସ୍ଥ କାର୍ଯ୍ୟାଳୟଗୁଡ଼ିକ କର୍ମଚାରୀ କ୍ଷମତାର ୭୫ ପ୍ରତିଶତ ( ଗ୍ରୁପ୍-ଏ ଅଧିକାରୀଙ୍କ ସମେତ)କୁ ନେଇ କାର୍ଯ୍ୟ କରିବ ଏବଂ ଏହା ସୁନିଶ୍ଚିତ କରାଯିବ ଯେ କାର୍ଯ୍ୟାଳୟର କାର୍ଯ୍ୟରେ ବ୍ୟାଘାତ ହେବ ନାହିଁ । ରାଜ୍ୟର ସମସ୍ତ ସରକାରୀ କାର୍ଯ୍ୟାଳୟ ଶନିବାର ଦିନ ବନ୍ଦ ରହିବ । ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ଏହି ମର୍ମରେ ଆଦେଶନାମା ଜାରି କରାଯାଇଛି(ସଂଲଗ୍ନ) ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ନଭେମ୍ବର ୨୭ରୁ ୨୮ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ଓଡ଼ିଶା ପୋଲିସ ପକ୍ଷରୁ ୫ଟି ମାମଲା ଦାୟର କରାଯାଇଥିବାବେଳେ ୧୦ ଜଣ ବ୍ୟକ୍ତିଙ୍କୁ ଗିରଫ, ୫୮୭ ଟି ଗାଡ଼ି ଜବତ ଏବଂ ୧୮,୭୪,୩୫୦ ଟଙ୍କା ଜରିମାନା ଆଦାୟ କରାଯାଇଛି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୫୮,୧୯,୫୮୪ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୧୭,୭୮୯ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୦୯,୭୪୭ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୭୩୦ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୬,୨୫୯ ରହିଛି ।
- ୬,୨୫୯ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**